ସମ୍ବାଦ

## ୧୨ରେ କେନ୍ଦ୍ର ସାହିତ୍ୟ ଅକାଦେମିର ଯୁବ ପୁରସ୍କାର ସମାରୋହ

# ପୁରସ୍କୃତ ହେବେ ୨୪ ଭାରତୀୟ ଭାଷାର ଯୁବ ଲେଖକ

ଭୁବନେଶ୍ୱର, ୬/୧ (ଇମିସ): ଆସନ୍ତା ୧୨ ଓ ୧୩ ତାରିଖରେ ଭୁବନେଶ୍ୱରରେ ସାହିତ୍ୟ ଅକାଦେମିର ଯୁବ ପୁରସ୍କାର ସମାରୋହ ଅନୁଷ୍ଠିତ ହେବ। ୧୨ ତାରିଖ ସନ୍ଧ୍ୟା ୫ଟାରେ ଉତ୍କଳ ବିଶ୍ୱବିଦ୍ୟାଳୟର ମହାରାଜା କୃଷ୍ଣଚନ୍ଦ୍ର ଗଜପତି ପ୍ରେକ୍ଷାଳୟରେ ଆୟୋଜିତ ସମାରୋହରେ ସାହିତ୍ୟ ଅକାଦେମି ସ୍ୱୀକୃତ ୨୪ଟି ଭାରତୀୟ ଭାଷାର ଯୁବ ଲେଖକଙ୍କୁ ୨୦୨୪ ବର୍ଷର ଯୁବ ପୁରସ୍କାର ପ୍ରଦାନ କରାଯିବ। ଏଥିରେ ଅଧ୍ୟକ୍ଷତା କରିବେ ସାହିତ୍ୟ ଅକାଦେମିର ସଭାପତି ତଥା ବିଶିଷ୍ଟ କବି ଡ. ମାଧବ କୌଶିକ। ମୁଖ୍ୟ ଅତିଥି ଭାବେ ଇଂରାଜୀ କବି ଜେରି ପିଣ୍ଟୋ ଯୋଗଦେବେ। ସଭାରେ ଅକାଦେମିର ଉପସଭାପତି ପ୍ରଫେସର କୁମୁଦ ଶର୍ମା ସମାପନୀ ବକ୍ତବ୍ୟ ଏବଂ ସଚିବ ଡକ୍ଟର କେ. ଶ୍ରୀନିବାସରାଓ ସ୍ୱାଗତ ଭାଷଣ ପ୍ରଦାନ କରିବାର କାର୍ଯ୍ୟକ୍ରମ ରହିଛି।

ସେହିପରି ୧୩ ତାରିଖ ପୂର୍ବାହ୍ନ ୧୦ଟା ୩୦ରେ ଭୁବନେଶ୍ୱରର ବୁଦ୍ଧମନ୍ଦିର ସଭାଗୃହରେ ଯୁବ ପୁରସ୍କାର ପ୍ରାପକ ସମ୍ମିଳନୀ ଅନୁଷ୍ଠିତ ହେବ। ଏଥିରେ ପୁରସ୍କାର ଗ୍ରହଣ କରିଥିବା ଯୁବ ଲେଖକ ଲେଖିକାମାନେ ନିଜ ସାରସ୍ୱତ ଅନୁଭୂତି ବାଣ୍ଟିବେ। ଏହି ସମ୍ମିଳନୀରେ ଅଧ୍ୟକ୍ଷତା କରିବେ ସାହିତ୍ୟ ଅକାଦେମି ଉପସଭାପତି ପ୍ରଫେସର କୁମୁଦ ଶର୍ମା।

ଓଡ଼ିଆ ଗଳ୍ପ ପୁସ୍ତକ 'ହୁ ବାଇଆ' ପାଇଁ ବାଲେଶ୍ୱର ଜିଲ୍ଲାର ଯୁବ ଲେଖକ ସଞ୍ଜୟ କୁମାର ପଣ୍ଡା (ଓଡ଼ିଆ) ଏହି ପୁରସ୍କାର ପାଇବାକୁ ମନୋନୀତ ହୋଇଛନ୍ତି। ଭୁବନେଶ୍ୱରରେ ଦ୍ୱିତୀୟ ଥର ପାଇଁ କେନ୍ଦ୍ର ସାହିତ୍ୟ ଅକାଦେମିର ଯୁବ ପୁରସ୍କାର ସମାରୋହ ଆୟୋଜିତ ହେଉଛି। ଏହି ଉତ୍ସବରେ ଯୋଗ ଦେବା ପାଇଁ ଲେଖକ ଲେଖିକା ତଥା ସାହିତ୍ୟପ୍ରେମୀମାନଙ୍କୁ ସାହିତ୍ୟ ଅକାଦେମି ପକ୍ଷରୁ ଅନୁରୋଧ କରାଯାଇଛି।